5.30 PM) or e-mail on scholarshiphed@gmail.com.

OIPR-11001/11/0110/2526

Sd./- Joint Secretary to Government

# ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ, ଓଡ଼ିଶା

(ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ, ଓଡ଼ିଶା ସରକାର)

ପରିବେଶ ଭବନ, ଏ/୧୧୮, ନୀଳକଣ୍ଠ ନଗର, ୟୁନିଟ୍-୮, ଭୁବନେଶ୍ୱର-୭୫୧୦୧୨

ସଂଖ୍ୟା: 18036 IND-II-PH-1293

CAD-1962

ତାରିଖ: ୦୯.୧୦.୨୦୨୫

## ବିଜ୍ଞାପନ

ଏତଦ୍ୱାରା ସମସ୍ତଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ ମେସର୍ସ ଶ୍ରୀ ମୋନୋଲିଥିକ୍ସ ପ୍ରାଇଭେଟ୍ ଲିମିଟେଡ୍, କ୍ରୋମ ଓର ବେନେଫିସିଏସନ୍ ପ୍ଲାଣ୍ଟର ସମ୍ପ୍ରସାରଣ କ୍ଷମତାକୁ ବାର୍ଷିକ ୧୮୫୦୦ ଟନ୍ ରୁ ୩୬୦୦୦୦ ଟନ୍‌କୁ ବୃଦ୍ଧି ଏବଂ ୨ ଟି ୧୨ ଏମଭିଏ କ୍ଷମତା ବିଶିଷ୍ଟ ସବମର୍ଜଡ ଆର୍କ ଫର୍ନେସ ଓ ୬ଟି ୫ ଏମଭିଏ କ୍ଷମତା ବିଶିଷ୍ଟ ଇଲେକ୍ଟ୍ରିକ୍ ଆର୍କ ଫର୍ନେସ ସ୍ଥାପନ, ଉଚ୍ଚ, ନିମ୍ନ ଓ ମଧ୍ୟମ କାର୍ବନ ଫେରୋ କ୍ରୋମ, ଫେରୋ ମାଙ୍ଗାନିଜ୍, ସିଲିକୋ କ୍ରୋକ, ସିଲିକୋ ମାଙ୍ଗାନିଜ୍, ଫେରୋ ମୋଲିବେଡ୍‌ନମ୍, ଫେରୋ ଭାନାଡିୟମ ଓ ଫେରୋ ଟିଟାନିଅମ୍ ଉତ୍ପାଦନ (ଫେରୋ ଆଲୟ ପ୍ଲାଣ୍ଟ ର ସମ୍ପୂର୍ଣ୍ଣ ଉତ୍ପାଦନ କ୍ଷମତା- ବାର୍ଷିକ ୧୧୫୦୦୦ ଟନ୍), ୧୧.୧୨୮ ଏକର ଅଞ୍ଚଳରେ ଗ୍ରାମ-ଜାମିନୀବିନ୍ଧା, ପୋଷ୍ଟ- ଭଣ୍ଡାରିପୋଖରୀ, ଜିଲ୍ଲା-ଭଦ୍ରକ ନିମନ୍ତେ ଭାରତ ସରକାରଙ୍କ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ (MoEF&CC) ଦ୍ୱାରା ପରିବେଶୀୟ ମଞ୍ଜୁରୀ ଅନ୍ତର୍ଗତ ଆବଶ୍ୟକ ପଡୁଥିବା ସର୍ବସାଧାରଣ ଶୁଣାଣି ପାଇଁ ଓଡ଼ିଶା ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡକୁ ଆବେଦନ କରିଛନ୍ତି।

ଭାରତ ସରକାରଙ୍କ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ପରିବେଶୀୟ ମଞ୍ଜୁରୀ ନିମନ୍ତେ ଅଧିସୂଚନା ସଂଖ୍ୟା ଏସ୍.ଓ.୧୫୩୩(ଇ), ତା.୧୪.୦୯.୨୦୦୬ରିଖ ଅନୁଯାୟୀ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ, ଓଡ଼ିଶା, ଭୁବନେଶ୍ୱରଙ୍କୁ ସର୍ବସାଧାରଣ ଶୁଣାଣି କରିବାର କ୍ଷମତା ପ୍ରଦାନ କରିଛନ୍ତି। ଏଥି ନିମନ୍ତେ ବୋର୍ଡ, ସର୍ବସାଧାରଣଙ୍କ ସମେତ ପ୍ରକୃତ ଅଧିବାସୀ, ପରିବେଶୀୟ ସଂସ୍ଥା ଏବଂ ପ୍ରସ୍ତାବିତ ପ୍ରକଳ୍ପ ସ୍ଥାପନ ହେଉଥିବା ସ୍ଥାନରେ ଜନବର୍ଗ, ପ୍ରକଳ୍ପ ଯୋଗୁ ଉଚ୍ଛେଦ ହେଉଥିବା ବାସିନ୍ଦା, ପ୍ରକଳ୍ପ ଯୋଗୁ ପ୍ରଭାବିତ ହେଉଥିବା ବାସିନ୍ଦାମାନଙ୍କଠାରୁ ପ୍ରକଳ୍ପ ସ୍ଥାପନ ଯୋଗୁ ପରିବେଶୀୟ ପ୍ରଭାବ ସମ୍ବନ୍ଧୀୟ ପ୍ରସ୍ତାବ, ମତାମତ, ମନ୍ତବ୍ୟ ଓ ଆପତ୍ତି ପତ୍ର ଆହ୍ୱାନ କରୁଛନ୍ତି। ଏଥି ନିମନ୍ତେ ବ୍ୟକ୍ତିର ଅର୍ଥ କେବଳ ନିମ୍ନମତେ ବୁଝାଯାଉଛି।

(କ) ପରିବେଶୀୟ ମଞ୍ଜୁରୀ ଦ୍ୱାରା ପ୍ରଭାବିତ ହେଉଥିବା ବା ହେବାକୁ ଥିବା ଯେ କୌଣସି ବ୍ୟକ୍ତି।

(ଖ) ପ୍ରକଳ୍ପ ସମ୍ବନ୍ଧିତ ପରିବେଶୀୟ ମଞ୍ଜୁରୀ ପାଇଁ ଆଗତ ଦରଖାସ୍ତ ପରିପ୍ରେକ୍ଷୀରେ ତହିଁ ଉପରେ କର୍ତ୍ତୃତ୍ୱ ଜାହିର କରିପାରୁଥିବା କୌଣସି ବ୍ୟକ୍ତିବିଶେଷ।

(ଗ) ପରିବେଶ କ୍ଷେତ୍ରରେ କାର୍ଯ୍ୟ କରୁଥିବା କିମ୍ବା/ଏବଂ ପ୍ରସ୍ତାବିତ ପ୍ରକଳ୍ପ ଦ୍ୱାରା ପ୍ରଭାବିତ ହେଉଥିବା (ପଞ୍ଜୀକୃତ ବା ଅଣପଞ୍ଜୀକୃତ) ଯେ କୌଣସି ବ୍ୟକ୍ତି ସମୂହଙ୍କ ସଂଘ।

(ଘ) ପ୍ରସ୍ତାବିତ ପ୍ରକଳ୍ପର ସ୍ଥାନୀୟ ସୀମାଭୁକ୍ତ ନିକଟବର୍ତ୍ତୀ ଅଞ୍ଚଳରେ ଯେ କୌଣସି ସ୍ଥାନୀୟ କର୍ତ୍ତୃପକ୍ଷ।

ଉପରୋକ୍ତ ବ୍ୟକ୍ତିମାନେ ସେମାନଙ୍କର ପ୍ରସ୍ତାବ, ମତାମତ, ମନ୍ତବ୍ୟ ଏବଂ ଆପତ୍ତି ଇତ୍ୟାଦିକୁ ସଦସ୍ୟ ସଚିବ, ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ, ଓଡ଼ିଶାଙ୍କୁ ଲିଖିତ ଆକାରରେ ଏହି ବିଜ୍ଞାପନ ପ୍ରକାଶନର ୩୦ ଦିନ ମଧ୍ୟରେ ରେଜିଷ୍ଟ୍ରି ଡାକଯୋଗେ ଜଣାଇପାରିବେ। ଏହା ଛଡ଼ା ଉକ୍ତ ପ୍ରସ୍ତାବିତ ପ୍ରକଳ୍ପ ଉପରେ ଲିଖିତ ବା ମୌଖିକ ଭାବେ ମତାମତ ଦେବା ପାଇଁ ଇଚ୍ଛୁକ ବ୍ୟକ୍ତିମାନେ ତା.୧୨.୧୧.୨୦୨୫ରିଖ (ବୁଧବାର) ଦିବା ୧୧.୦୦ ଘଟିକା ସମୟରେ ସ୍ଥାନ ତହସିଲ ପଡିଆ, ଜାମିନୀବିନ୍ଧା, ଭଣ୍ଡାରିପୋଖରୀ, ଜିଲ୍ଲା - ଭଦ୍ରକ ଠାରେ ଧାର୍ଯ୍ୟ ସର୍ବସାଧାରଣ ଶୁଣାଣି ସମୟରେ ମଧ୍ୟ ଉପସ୍ଥାପନ କରିପାରିବେ।

ପ୍ରସ୍ତାବିତ ପ୍ରକଳ୍ପ ବିଷୟରେ ବିଶଦ୍ ଭାବରେ ଜାଣିବା ପାଇଁ ପରିବେଶୀୟ ପ୍ରଭାବ ମୂଲ୍ୟାୟନ ବିବରଣୀ (Environmental Impact Assessment) ଏବଂ ଏହାର ନିର୍ବାହୀ ସାରାଂଶ (Executive Summary) ଓଡ଼ିଆ ଏବଂ ଇଂରାଜୀ ଭାଷାରେ ନିମ୍ନଲିଖିତ ସ୍ଥାନମାନଙ୍କରେ ମିଳିପାରିବ।

୧. ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ଭଦ୍ରକ।
୨. ଜିଲ୍ଲା ଶିଳ୍ପ କେନ୍ଦ୍ର, ଭଦ୍ରକ।
୩. ଜିଲ୍ଲା ପରିଷଦ ମୁଖ୍ୟନିର୍ବାହୀ ଅଧିକାରୀ, ଭଦ୍ରକ।
୪. ମୁଖ୍ୟ କାର୍ଯ୍ୟାଳୟ, ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ, ଓଡ଼ିଶା, ପରିବେଶ ଭବନ, ଏ/୧୧୮, ନୀଳକଣ୍ଠ ନଗର, ଭୁବନେଶ୍ୱର-୭୫୧୦୧୨।
୫. ଆଞ୍ଚଳିକ କାର୍ଯ୍ୟାଳୟ, ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ, ଓଡ଼ିଶା, ବାଲେଶ୍ୱର।
୬. ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ, ଓଡ଼ିଶା ସରକାର, ଭୁବନେଶ୍ୱର।

ଏତଦ୍ ବ୍ୟତୀତ ପରିବେଶୀୟ ପ୍ରଭାବ ମୂଲ୍ୟାୟନ ବିବରଣୀର ନିର୍ବାହୀ ସାରାଂଶ (Executive Summary) ଓଡ଼ିଆ ଏବଂ ଇଂରାଜୀ ଭାଷାରେ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ, ଓଡ଼ିଶାର ୱେବ୍‌ସାଇଟ୍ **https://ospcboard.odisha.gov.in**ରୁ ମଧ୍ୟ ମିଳିପାରିବ।

ଏ ବିଷୟରେ ସବିଶେଷ ବିବରଣୀ ପାଇଁ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ, ଓଡ଼ିଶାର ଆଞ୍ଚଳିକ କାର୍ଯ୍ୟାଳୟ, ବାଲେଶ୍ୱରସ୍ଥିତ ଆଞ୍ଚଳିକ ଅଧିକାରୀ କିମ୍ବା ଭୁବନେଶ୍ୱରସ୍ଥିତ ମୁଖ୍ୟ କାର୍ଯ୍ୟାଳୟରେ ସଦସ୍ୟ ସଚିବଙ୍କ ସହ ଯୋଗାଯୋଗ କରାଯାଇପାରେ।

OSPCB-PH-MISC-0055-2025/01/2025

OIPR-08012/11/0361/2526

ସଦସ୍ୟ ସଚିବଙ୍କ ଆଦେଶ ଅନୁଯାୟୀ
ସ୍ୱା./- ଅତିରିକ୍ତ ମୁଖ୍ୟ ପରିବେଶ ଯନ୍ତ୍ରୀ

PRAMEYA Dt. 11/10/2025